# REGIONAL NEWS UNIT, AIR CUTTACK

## Evening Bulletin (6.45 PM)

**21 June - 2024**

**News Editor : *Itishree Singh Rathaur***

********************************

## ମୁଖ୍ୟ ସମ୍ବାଦ

- ଯୋଗକୁ ବିଶ୍ୱ କଲ୍ୟାଣ ପାଇଁ ଏକ ଶକ୍ତିଶାଳୀ ମାଧ୍ୟମ ଭାବେ ଗ୍ରହଣ କରାଯାଉଛି; ଅନ୍ତର୍ଜାତୀୟ ଯୋଗଦିବସ ଅବସରରେ କହିଲେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ

- ଭୁବନେଶ୍ୱର କଳିଙ୍ଗ ଷ୍ଟାଡିୟମ୍‌ରେ ରାଜ୍ୟସ୍ତରୀୟ ଯୋଗଦିବସ କାର୍ଯ୍ୟକ୍ରମରେ ସାମିଲ ହେଲେ ମୁଖ୍ୟମନ୍ତ୍ରୀ

— ସୁସ୍ଥ ସମାଜ ଗଠନ ନିମନ୍ତେ ଯୋଗକୁ ସବୁ ସ୍ତରରେ ପହଞ୍ଚାଇବା ପାଇଁ ଦେଲେ ଆହ୍ୱାନ

- ଓଡ଼ିଶା ୨୦୩୬ ପର୍ଯ୍ୟନ୍ତ ଭାରତୀୟ ହକି ଦଳର ପ୍ରାୟୋଜକ ରହିବା ନେଇ ନିଷ୍ପତ୍ତି

- ଶ୍ରୀକ୍ଷେତ୍ର ପୁରୀରେ ଆସନ୍ତାକାଲି ଅନୁଷ୍ଠିତ ହେବ ଦେବସ୍ନାନ ପୂର୍ଣ୍ଣିମା; ଶ୍ରଦ୍ଧାଳୁଙ୍କୁ ଗଜାନନ ବେଶରେ ଦର୍ଶନ ଦେବେ ଶ୍ରୀଜୀଉ

ଏବଂ

- ରାଜ୍ୟର ୨୪ଟି ଜିଲ୍ଲାକୁ ଛୁଇଁଲା ଦକ୍ଷିଣ-ପଶ୍ଚିମ ମୌସୁମୀ ବାୟୁ

# ଅନ୍ତର୍ଜାତୀୟ ଯୋଗଦିବସ

ସାରା ବିଶ୍ୱରେ ଯୋଗପ୍ରତି ଅଧିକ ଲୋକଙ୍କ ଆକର୍ଷଣ ବୃଦ୍ଧି ପାଇଛି। ଯୋଗକୁ ବିଶ୍ୱ କଲ୍ୟାଣ ପାଇଁ ଏକ ଶକ୍ତିଶାଳୀ ମାଧ୍ୟମ ଭାବରେ ଗ୍ରହଣ କରାଯାଉଛି ବୋଲି **ପ୍ରଧାନମନ୍ତ୍ରୀ** ନରେନ୍ଦ୍ର ମୋଦୀ କହିଛନ୍ତି। 'ନିଜ ଓ ସମାଜପାଇଁ ଯୋଗ'ର ବାର୍ତ୍ତା ନେଇ ଆଜି ଦଶମ ଅନ୍ତର୍ଜାତୀୟ ଯୋଗ ଦିବସ ପାଳନ କରାଯାଇଛି। ଶ୍ରୀନଗରରେ ଆୟୋଜିତ ସ୍ୱତନ୍ତ୍ର କାର୍ଯ୍ୟକ୍ରମରେ ଯୋଗଦେଇ ପ୍ରଧାନମନ୍ତ୍ରୀ କହିଛନ୍ତି, ଯୋଗ ରୋଜଗାରର ମାଧ୍ୟମ ସାଜିଛି । ଯୋଗ-ପର୍ଯ୍ୟଟନ ପ୍ରତି ବିଶେଷକରି ବିଦେଶରେ ଥିବା ଲୋକମାନେ ଆକର୍ଷିତ ହେଉଛନ୍ତି । ଯୋଗ ଉପରେ ବିଶ୍ୱସ୍ତରରେ ଗବେଷଣା ହେଉଛି । ଯୋଗ ସମାଜରେ ସକାରାତ୍ମକ ପରିବର୍ତ୍ତନ ଆଣିପାରିଛି। ଯୋଗ କେବଳ ଏକ ବିଦ୍ୟା ନୁହେଁ ବରଂ ବିଜ୍ଞାନ ଅଟେ ବୋଲି **ପ୍ରଧାନମନ୍ତ୍ରୀ** କହିଛନ୍ତି ।

ଭୁବନେଶ୍ୱର କଳିଙ୍ଗ ଷ୍ଟାଡିୟମ୍‌ଠାରେ ଆଜି ରାଜ୍ୟସ୍ତରୀୟ ଯୋଗଦିବସ କାର୍ଯ୍ୟକ୍ରମରେ **ମୁଖ୍ୟମନ୍ତ୍ରୀ** ମୋହନ ଚରଣ ମାଝୀ ଯୋଗଦେଇ କହିଛନ୍ତି, ନୂଆ ଓଡ଼ିଶା ଏବଂ ସୁସ୍ଥ ଓଡ଼ିଶା ଗଠନ ଦିଗରେ ଯୋଗର ଗୁରୁତ୍ୱପୂର୍ଣ୍ଣ ଭୂମିକା ରହିଛି। ଯୋଗ ମାଧ୍ୟମରେ ଏକ ସୁସ୍ଥ ସମାଜ ଗଠନ ପାଇଁ ଯେଉଁ ଉଦ୍ୟମ ଆରମ୍ଭ ହୋଇଛି ତାକୁ ସମାଜର ସବୁ ସ୍ତରରେ ପହଞ୍ଚାଇବା ପାଇଁ ଉଦ୍ୟମ ଜାରି ରହିଛି ବୋଲି ଶ୍ରୀ ମାଝୀ କହିଛନ୍ତି।

**- V/O -**

**ଉପମୁଖ୍ୟମନ୍ତ୍ରୀ** କନକ ବର୍ଦ୍ଧନ ସିଂଦେଓ, ନୂଆପଲ୍ଲୀସ୍ଥିତ କସ୍ତୁରବା ସ୍କୁଲ ଖେଳ ପଡ଼ିଆରେ ଆୟୋଜିତ ସମାରୋହରେ ଯୋଗ ଦେଇଛନ୍ତି। ସେହିଭଳି

ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା ଏବଂ ସାଂସଦ ସମ୍ବିତ ପାତ୍ର କୋଣାର୍କଠାରେ, ବାଚସ୍ପତି ସୁରମା ପାଢ଼ୀ ନୟାଗଡ଼ରେ ଜିଲ୍ଲାସ୍ତରୀୟ କାର୍ଯ୍ୟକ୍ରମରେ ଯୋଗଦେଇଥିଲେ ।

ରାଜ୍ୟର ବିଭିନ୍ନ ସ୍ଥାନରେ ଆଜି ଯୋଗଦିବସ ପାଳନ କରାଯାଇଛି । **ସମ୍ବଲପୁର**ର ଭିଏସ୍ଏସ୍ ଷ୍ଟାଡିୟମ୍ଠାରେ ପଂଚାୟତିରାଜ ଓ ଗ୍ରାମ୍ୟ ଉନ୍ନୟନ ମନ୍ତ୍ରୀ ରବି ନାରାୟଣ ନାୟକ ଯୋଗଦିବସ ସମାରୋହରେ ସାମିଲ ହୋଇଥିଲେ । ସେହିଭଳି **କୋରାପୁଟ** ଜିଲ୍ଲାରେ ଏକ ଯୋଗଶିବିର ଅନୁଷ୍ଠିତ ହୋଇଥିଲା । ଏଥିରେ ସରକାରୀ କର୍ମଚାରୀ, ଛାତ୍ରଛାତ୍ରୀମାନେ ଭାଗ ନେଇଥିଲେ । **ଭଦ୍ରକ** ଜିଲ୍ଲାର ପିଏମ୍ଶ୍ରୀ କେନ୍ଦ୍ରୀୟ ବିଦ୍ୟାଳୟ ଜିଲାପାଳଙ୍କ କାର୍ଯ୍ୟାଳୟ ଏବଂ ନେହେରୁ ଷ୍ଟାଡିୟମ୍ଠାରେ ଯୋଗଦିବସ ପାଳନ କରାଯାଇଛି । **ବୌଦ୍ଧ** ଜିଲ୍ଲା ଟାଉନ୍ହଲ୍ରେ ଯୋଗଦିବସ ଅବସରରେ ବିଶେଷ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି ।

**ସୁନ୍ଦରଗଡ଼** ଜିଲ୍ଲାରେ ଯୋଗଦିବସ ଅବସରରେ ବିଭିନ୍ନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି । ଭବାନୀଭବନ ଖେଳପଡିଆରେ ଆୟୋଜିତ କାର୍ଯ୍ୟକ୍ରମରେ ଜିଲ୍ଲାର ବରିଷ୍ଠ ଅଧିକାରୀ ଓ କର୍ମଚାରୀମାନେ ଯୋଗାଭ୍ୟାସ କରିଥିଲେ । ଏହାସହ ରାଉରକେଲା ମହାନଗର ନିଗମ ଅଂଚଳ, ବିର୍ସାମୁଣ୍ଡା ହକି ଷ୍ଟାଡିୟମ୍ ଏବଂ ସମସ୍ତ ପୌରାଞ୍ଚଳରେ ଯୋଗାଭ୍ୟାସ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା । ସେହିଭଳି କେନ୍ଦ୍ରାପଡା ଜିଲ୍ଲାରେ ଆୟୋଜିତ କାର୍ଯ୍ୟକ୍ରମରେ ଯୋଗଦେଇ ଜିଲ୍ଲାପାଳ ସୂର୍ଯ୍ୟବଂଶୀ ମୟୂର ବିକାଶ କହିଛନ୍ତି, ଜୀବନକୁ ଚାପମୁକ୍ତ କରିବା ପାଇଁ ଯୋଗ ଏକ ବଳିଷ୍ଠ ମାଧ୍ୟମ । ଏହାସହ ସୁସ୍ଥ ଓ ନିରୋଗ ଜୀବନଯାପନ ପାଇଁ ଯୋଗ ଏକାନ୍ତ ଅପରିହାର୍ଯ୍ୟ ବୋଲି ଜିଲ୍ଲାପାଳ କହିଛନ୍ତି ।

ମହାକାଳପଡାର ବତିଘରଠାରେ ଆୟୋଜିତ ଏହି କାର୍ଯ୍ୟକ୍ରମରେ ୫୦୦ରୁ ଊର୍ଦ୍ଧ୍ୱ ଛାତ୍ରଛାତ୍ରୀ, ସରକାରୀ କର୍ମଚାରୀ ପ୍ରମୁଖ ଯୋଗଦେଇଥିଲେ ।

## ହକି ଇଣ୍ଡିଆ- ପ୍ରାୟୋଜକ

ଓଡ଼ିଶା ୨୦୩୬ ମସିହା ପର୍ଯ୍ୟନ୍ତ ଭାରତୀୟ ହକି ଦଳର ପ୍ରାୟୋଜକ ରହିବ । ଏ ନେଇ ରାଜ୍ୟ ସରକାର ଘୋଷଣା କରିଛନ୍ତି । ରାଜ୍ୟ ଅତିଥି ଭବନଠାରେ ଆଜି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ହକି ଇଣ୍ଡିଆର ସଭାପତି ପଦ୍ମଶ୍ରୀ ଦିଲ୍ଲୀପ ତିର୍କି ଓ ମହାସଚିବ ଭୋଲାନାଥ ସିଂଙ୍କ ସହିତ ଏ ସମ୍ପର୍କରେ ଆଲୋଚନା କରିଛନ୍ତି । ଶ୍ରୀ ମାଝୀ କହିଛନ୍ତି, ୨୦୩୬ ମସିହାରେ ସ୍ୱତନ୍ତ୍ର ଓଡ଼ିଶା ପ୍ରଦେଶ ଗଠନର ୧୦୦ ବର୍ଷ ପୂର୍ତ୍ତି ପାଳନ କରାଯିବ । ତେଣୁ ଓଡ଼ିଶା ସରକାର ହକି ଇଣ୍ଡିଆର ପ୍ରାୟୋଜକ ଅବଧିକୁ ଆଉ ୩ ବର୍ଷ ପାଇଁ ବୃଦ୍ଧି କରିଛନ୍ତି । ହକିର ଉନ୍ନତି ନିମନ୍ତେ ରାଜ୍ୟ ସରକାର ସମସ୍ତ ସହଯୋଗ କରିବେ ବୋଲି ମୁଖ୍ୟମନ୍ତ୍ରୀ ପ୍ରତିଶ୍ରୁତି ଦେଇଛନ୍ତି । ସୂଚନାଯୋଗ୍ୟ, ପୂର୍ବରୁ ଓଡ଼ିଶା ୨୦୧୮ ରୁ ୨୦୩୩ ମସିହା ପର୍ଯ୍ୟନ୍ତ ହକି ଇଣ୍ଡିଆର ପ୍ରାୟୋଜକ ହୋଇଥିଲା ।

# ଭର୍ତ୍ତୃହରି ମହତାବ-ଅସ୍ଥାୟୀ ବାଚସ୍ପତି

ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ ବରିଷ୍ଠ ସାଂସଦ ଭର୍ତ୍ତୃହରି ମହତାବଙ୍କୁ ଅଷ୍ଟାଦଶ ଲୋକସଭାର ଅସ୍ଥାୟୀ ବାଚସ୍ପତି ଭାବେ ନିଯୁକ୍ତ କରିଛନ୍ତି । ଶ୍ରୀ ମହତାବ ସ୍ଥାୟୀ ବାଚସ୍ପତି ନିଯୁକ୍ତ ହେବା ପର୍ଯ୍ୟନ୍ତ ପ୍ରଧାନମନ୍ତ୍ରୀଙ୍କ ସମେତ ମନ୍ତ୍ରିମଣ୍ଡଳର ସଦସ୍ୟ ଓ ଅନ୍ୟ ଲୋକସଭା ସଦସ୍ୟ ମାନଙ୍କୁ ଶପଥପାଠ କରାଇବେ ।

## ଦେବସ୍ନାନ ପୂର୍ଣ୍ଣିମା

ଶ୍ରୀକ୍ଷେତ୍ର ପୁରୀରେ ଆସନ୍ତାକାଲି ଦେବସ୍ନାନ ପୂର୍ଣ୍ଣିମା ଅନୁଷ୍ଠିତ ହେବ। ଚତୁର୍ଦ୍ଧାମୂର୍ତ୍ତି ସ୍ନାନବେଦୀରେ ଗଜାନନ ବେଶରେ ଶ୍ରଦ୍ଧାଳୁଙ୍କୁ ଦର୍ଶନ ଦେବେ। ଏଥିପାଇଁ ପ୍ରଶାସନିକ ସ୍ତରରେ ପ୍ରସ୍ତୁତି ଶେଷ ପର୍ଯ୍ୟାୟରେ ପହଞ୍ଚିଛି ବୋଲି ଆମ ସମ୍ବାଦଦାତା ଜଣାଇଛନ୍ତି। ଶ୍ରୀଜୀଉମାନଙ୍କ ଗଜାନନ ବେଶକୁ ଶୃଙ୍ଖଳିତ କରିବା ନେଇ ସ୍ୱତନ୍ତ୍ର ନୀତି ଚୂଡାନ୍ତ କରାଯାଇଛି। ଭୋର୍ ସାଢ଼େ ୪ଟାରେ ମଙ୍ଗଳାର୍ପଣ ପରେ ସକାଳ ୫ଟାରୁ ୭ଟା ମଧ୍ୟରେ ଡୋରଲାଗି ପୁଷ୍ପାଞ୍ଜଳି ହୋଇ ପହଣ୍ଡି ଆରମ୍ଭ ହେବ। ସ୍ୱତନ୍ତ୍ର ନୀତିକାନ୍ତି ପରେ  ୧୨ ଟା ୨୦ମିନିଟ୍‌ରୁ ୧୨ଟା ୪୫ ମଧ୍ୟରେ ଜଳ ବିଜେ ଓ ସ୍ନାନନୀତି ହେବ। ଅପରାହ୍ଣ ୩ଟାରେ ଛେରାପହଁରା, ୩ଟା ୪୦ ମିନିଟ୍‌ରେ ଗଜାନନ ବେଶ ପରେ ସନ୍ଧ୍ୟା ୭ଟା ୩୦ ପରଠାରୁ ସାହାଣମେଳା ଦର୍ଶନ ଆରମ୍ଭ ହେବ। ରାତି ୧୧ଟା ୩୦ରୁ ରାତି ୨ଟା ମଧ୍ୟରେ ବାହୁଡା ପହଣ୍ଡି ଅନୁଷ୍ଠିତ ହେବ। ସ୍ନାନଯାତ୍ରାକୁ ସୁରୁଖୁରୁରେ ସଂପନ୍ନ କରିବା ନିମନ୍ତେ ୬୮ ପ୍ଲାଟୁନ୍ ଫୋର୍ସ୍ ମୁତୟନ କରାଯିବ ବୋଲି ଏସ.ପି. ପିନାକ ମିଶ୍ର କହିଛନ୍ତି। ଶ୍ରୀମନ୍ଦିରରେ ଆଜି ଶ୍ରୀବିଗ୍ରହମାନଙ୍କର ସେନାପଟା ଲାଗି ନୀତି ବିଳମ୍ବ କାରଣରୁ ସର୍ବସାଧାରଣ ଦର୍ଶନ ବନ୍ଦ ସମୟ  ଅପରାହ୍ଣ ୨ଟା ୩୦ ମିନିଟ୍ ପର୍ଯ୍ୟନ୍ତ ବୃଦ୍ଧି କରାଯାଇଥିଲା। ସେନାପଟା ଲାଗି ପରେ ମହାପ୍ରଭୁଙ୍କର ଦୈନ୍ୟନ୍ଦିନ ନୀତି ହେବା ସହ ସର୍ବସାଧାରଣ ଦର୍ଶନ ଆରମ୍ଭ ହୋଇଥିଲା।

## ସମୀକ୍ଷା ବୈଠକ

ସ୍ୱାସ୍ଥ୍ୟମନ୍ତ୍ରୀ ଡାକ୍ତର ମୁକେଶ ମହାଲିଙ୍ଗ ଆଜି ବଲାଙ୍ଗିର ଜିଲ୍ଲା ପରିଷଦ ସମ୍ମିଳନୀ କକ୍ଷରେ ସ୍ୱାସ୍ଥ୍ୟ ବ୍ୟବସ୍ଥା ସମ୍ପର୍କରେ ସମୀକ୍ଷା କରିଛନ୍ତି। ଏହି ଅବସରରେ ସ୍ୱାସ୍ଥ୍ୟମନ୍ତ୍ରୀ କହିଛନ୍ତି, ଜିଲ୍ଲାରେ କାର୍ଯ୍ୟରତ ଡାକ୍ତରମାନଙ୍କ ବିରୁଦ୍ଧରେ କାର୍ଯ୍ୟରେ ଅବହେଳା  ଅଭିଯୋଗ ଆସିଲେ ତୁରନ୍ତ କାର୍ଯ୍ୟାନୁଷ୍ଠାନ

ଗ୍ରହଣ କରାଯିବ। ସମୀକ୍ଷା ବୈଠକରେ କଣ୍ଟାବାଞ୍ଜି, ଟିଟିଲାଗଡ଼ ବିଧାୟକଙ୍କ ସମେତ ବିଭାଗୀୟ ଅଧିକାରୀମାନେ ଉପସ୍ଥିତ ରହିଥିଲେ।

## ଜଣ୍ଡିସ-ସମ୍ବଲପୁର

ସମ୍ବଲପୁରରେ ଆଜି ଆଉ ୧୦ ଜଣ ଜଣ୍ଡିସ୍ ଆକ୍ରାନ୍ତ ଚିହ୍ନଟ ହୋଇଛନ୍ତି। ଏହା ସହ ଆକ୍ରାନ୍ତଙ୍କ ସଂଖ୍ୟା ୫୯ କୁ ବୃଦ୍ଧି ପାଇଛି ବୋଲି ସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ ସୂଚନା ମିଳିଛି। ଏହି ରୋଗକୁ ପ୍ରତିହତ କରିବା ପାଇଁ ସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ ସଂକ୍ରମିତ ଅଂଚଳରେ ଘରକୁ ଘର ବୁଲି ସର୍ଭେ କରାଯାଉଛି। ଏହାପରେ ସହରର ବିଭିନ୍ନ ଅଂଚଳର ପାଣି ନମୁନା ସଂଗ୍ରହ କରାଯାଇଛି। ରିପୋର୍ଟ ଆସିବା ପରେ ସ୍ଥିତି ସ୍ପଷ୍ଟ ହେବ ବୋଲି ପ୍ରଶାସନ ପକ୍ଷରୁ ସୂଚନା ଦିଆଯାଇଛି।

## ନ୍ୟାୟ ସଂହିତା

ନବରଙ୍ଗପୁର ଜିଲ୍ଲାରେ ପୁଲିସ୍ କର୍ମଚାରୀମାନଙ୍କୁ ନ୍ୟାୟସଂହିତା ସମ୍ପର୍କରେ ପ୍ରଶିକ୍ଷଣ ଦିଆଯାଇଛି। ଏଥିରେ ଭାରତୀୟ ନ୍ୟାୟ ସଂହିତାର ବିଭିନ୍ନ ଧାରା, ସୂତ୍ର ଓ ବିଧାନ ସମୂହ ସମ୍ପର୍କରେ ଆଲୋଚନା କରାଯାଇଥିଲା। ଜିଲ୍ଲା ଅତିରିକ୍ତ ଆରକ୍ଷୀ ଅଧିକ୍ଷକ ବଟକୃଷ୍ଣ ମିଶ୍ର ନ୍ୟାୟ ସଂହିତାର ଗୁରୁତ୍ୱ ଓ ଆବଶ୍ୟକତା ବିଷୟରେ ଆଲୋକପାତ କରିଥିଲେ। ଏହି ପ୍ରଶିକ୍ଷଣ କାର୍ଯ୍ୟକ୍ରମରେ ଜିଲ୍ଲାର ବିଭିନ୍ନ ପୁଲିସ୍ ଥାନାରୁ ୧୨୭ ଜଣ କର୍ମଚାରୀ ତାଲିମ୍ ଗ୍ରହଣ କରିଥିଲେ।

## ପାଣିପାଗ

ଦକ୍ଷିଣ-ପଶ୍ଚିମ ମୌସୁମୀବାୟୁ ରାଜ୍ୟର ୨୪ଟି ଜିଲ୍ଲାକୁ ଛୁଇଁଛି। ଏହାର ପ୍ରଭାବରେ ବିଭିନ୍ନ ସ୍ଥାନରେ ବର୍ଷା ଜାରି ରହିଛି। ଭୁବନେଶ୍ୱର ଆଂଚଳିକ

ପାଣିପାଗ ବିଜ୍ଞାନ କେନ୍ଦ୍ରର ସୂଚନା ଅନୁସାରେ, ପୂର୍ବରୁ ମୌସୁମୀବାୟୁ କୋରାପୁଟ ଓ ମାଲକାନଗିରିରେ ସକ୍ରିୟ ରହିଥିଲା । ତେବେ ପାଗ ଅନୁକୂଳ ନ ଥିବାରୁ ମୌସୁମୀ ବିଳମ୍ବରେ ଅଗ୍ରସର ହୋଇଛି ।

ଅନ୍ୟପକ୍ଷରେ ମୌସୁମୀବାୟୁ ଅବଶିଷ୍ଟ ୬ଟି ଜିଲ୍ଲା ଝାରସୁଗୁଡ଼ା, ସମ୍ବଲପୁର, କେନ୍ଦୁଝର, ବାଲେଶ୍ୱର, ସୁନ୍ଦରଗଡ଼ ଓ ମୟୂରଭଞ୍ଜରେ ଖୁବ୍ ଶୀଘ୍ର ସକ୍ରିୟ ହେବ ବୋଲି ପାଣିପାଗ କେନ୍ଦ୍ର ପକ୍ଷରୁ କୁହାଯାଇଛି ।

*********************************